# ଆଜି ଅନୁଗୋଳ ଜିଲ୍ଲାରୁ ୧୯ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୦୪୭ରେ ପହଞ୍ଚିଲା - ସୁସ୍ଥ ହେଲେ ୨୩ ଜଣ ।

ଅନୁଗୋଳ, ତା. ୦୯.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୧୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୨୧ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଲ ବ୍ଲକ୍ ଅଂଚଳରୁ ୮ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୬ଜଣ ( ୩ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ତାଲଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ଆଜି କଣିହାଁ ବ୍ଲକ୍,ଅନୁଗୋଳ ବ୍ଲକ୍ ,ପାଲଲହଡା ବ୍ଲକ, କିଶୋରନଗର ବ୍ଲକ, ତାଲଚେର ପୌରାଞ୍ଚଳ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ଓ ଆଠମଲ୍ଲିକ ବ୍ଲକ୍ ପ୍ରଭୃତି ୭ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୩ଜଣ ସୁସ୍ଥ ହୋଇଛନ୍ତି । ସୁସ୍ଥ ହୋଇଥିବା ୨୩ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୨ ତା.୦୯.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ